The Odisha Gazette

EXTRAORDINARY

PUBLISHED BY AUTHORITY

No. 2355 CUTTACK, THURSDAY, DECEMBER 22, 2016/PAUSA 1, 1938

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 1 ଡିସେମ୍ବର 2016

ସଂଖ୍ୟା 37418—RDM-LAC-DKNL-0086/2016-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ରେଙ୍ଗାଳି (ଦକ୍ଷିଣ କେନାଲ) ଜଳସେଚନ ଅନ୍ତର୍ଗତ ଗଁଦିଆ ଶାଖା କେନାଲ ନିର୍ମାଣ ନିମନ୍ତେ ମୌଜା-ନୁଆକାଟେଣୀ, ଥାନା ଗଁଦିଆ, ତହସିଲ ଗଁଦିଆ, ଜିଲ୍ଲା ଢେଙ୍କାନାଳରେ ନିମ୍ନ ତଫସିଲମତେ ପ୍ରାୟ ୦.୩୧ ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି । ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013ର ଧାରା 11(1)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

1. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ—ରେଙ୍ଗାଳି ଜଳସେଚନ ପ୍ରକଳ୍ପ, ଗଁଦିଆ ଶାଖା କେନାଲ ନିର୍ମାଣ ।

2. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ—ନିର୍ବାହୀ ଯନ୍ତ୍ରୀ, ରେଙ୍ଗାଳି ଦକ୍ଷିଣ ପାର୍ଶ୍ୱ କେନାଲ ଡିଭିଜନ ନଂ. ୨, ନୂଆକାଟେଣୀ, ଢେଙ୍କାନାଳ ।

3. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ—ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରୀ କରିବା ।

4. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ—ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

5. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ—ଉପ ଜିଲ୍ଲାପାଳ, ଢେଙ୍କାନାଳ ।

6. ଜମିର ବିବରଣୀ—

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 |
| ଢେଙ୍କାନାଳ | ଗଁଦିଆ | ନୁଆକାଟେଣୀ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏ ୦.୩୧ | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା, ତଥା ବିସ୍ତୃତ ବିବରଣୀ ସ୍ୱତନ୍ତ୍ର ଭୂ-ଅର୍ଜନ ଅଧିକାରୀ, ରେଙ୍ଗାଳି ଦକ୍ଷିଣ କେନାଲ ସିଷ୍ଟମ ଓ ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, ମଣ୍ଡଳ-II, ରେଙ୍ଗାଳି କେନାଲ ପ୍ରଣାଳୀଙ୍କ କାର୍ଯ୍ୟାଳୟ, ଢେଙ୍କାନାଳରେ କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟ ବିକ୍ରୟ, ହସ୍ତାନ୍ତର (ଦେଣ ନେଣ) କିମ୍ବା ଦାୟ ସୃଷ୍ଟି ଢେଙ୍କାନାଳ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବନାହିଁ ।

ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 ଦିନ ମଧ୍ୟରେ ଢେଙ୍କାନାଳ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## ଭୂମି ଅନୁସୂଚୀ

| କ୍ର.ନଂ. | ଖାତା ନଂ. | ପ୍ଲଟ ନଂ. | ପ୍ଲଟ ମୋଟ ରକବା | ଅଧିସୂଚିତ ହେବାକୁଥିବା ଜମିର ପରିମାଣ | ରୟତଙ୍କ ନାମ, ପିତାର ନାମ/ ସ୍ୱାମୀଙ୍କର ନାମ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| | | | ଏକର | ଏକର | |
| ୧ | ୧୦୨ | ୧୪୫ | ୦.୧୫ | ୦.୧୧ | ଲାସୁଦେବ ରାଉତ, ପି. ରତନ ରାଉତ |
| ୨ | ୧୨୪ | ୧୩୭ | ୦.୭୧ | ୦.୨୦ | ମାଟିଆ ସ୍ୱାଇଁ, ପି. ପୂର୍ଣ୍ଣ ଚନ୍ଦ୍ର ସ୍ୱାଇଁ |
| | **ମୋଟ ଏରିଆ :** | | ୦.୮୬ | ୦.୩୧ | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଗ୍ରାମୀ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and published by the Director of Printing, Stationery and Publication, Odisha, Cuttack-10
Ex. Gaz 1775–173+20